ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/WCD(Od)/204/19-03-2025**

# ବ୍ରିଟିଶ ହାଇ କମିଶନର ମିଷ୍ଟର ଆଣ୍ଡ୍ରୟୁ ଫ୍ଲେମିଙ୍ଗଙ୍କ ସହ ଉପ-ମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡାଙ୍କ ସୌଜନ୍ୟମୂଳକ ସାକ୍ଷାତ

- ଓଡ଼ିଶା ପର୍ଯ୍ୟଟନ ଭିତ୍ତିଭୂମି ବିକାଶ ଉପରେ କଲେ ଆଲୋଚନା
- ତାଲିମ ଓ ଦକ୍ଷତା ବୃଦ୍ଧି କାର୍ଯ୍ୟକ୍ରମ ପାଇଁ ସହଭାଗୀତା ଉପରେ ବିଶେଷ ଫୋକସ

ଭୁବନେଶ୍ୱର, ୧୯/୦୩/୨୦୨୫

ଆଜି ମାନ୍ୟବର ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପ୍ରଭାତୀ ପରିଡା ନିଜ ଲୋକସେବା ଭବନର କାର୍ଯ୍ୟାଳୟରେ ବ୍ରିଟିଶ ହାଇ କମିଶନର ମିଷ୍ଟର ଆଣ୍ଡ୍ରୟୁ ଫ୍ଲେମିଙ୍ଗଙ୍କ ସହ ଏକ ସୌଜନ୍ୟମୂଳକ ସାକ୍ଷାତ କରିଛନ୍ତି । ଏହି ସାକ୍ଷାତକାରରେ ମିଷ୍ଟର ଫ୍ଲେମିଙ୍ଗ ଓଡ଼ିଶା ପର୍ଯ୍ୟଟନ ସହ ଓଡ଼ିଶା ସରକାରଙ୍କ ଦୂରଦୃଷ୍ଟିସମ୍ପନ୍ନ ଆଭିମୁଖ୍ୟକୁ ପ୍ରଶଂସା କରିଥିଲେ । ଓଡ଼ିଶାର କ୍ରୀଡା ଓ ପର୍ଯ୍ୟଟନ ବିକାଶ ଅନ୍ୟ ସମସ୍ତ ଦେଶ ପାଇଁ ପ୍ରେରଣାର ଉତ୍ସ ବୋଲି ସେ ଉଲ୍ଲେଖ କରିଥିଲେ । ୱାର୍ଲ୍ଡ ଟ୍ରାଭେଲ ମାର୍କେଟରେ ଓଡ଼ିଶାର ଅଂଶଗ୍ରହଣକୁ ମଧ୍ୟ ସେ ପ୍ରଶଂସା କରିଥିଲେ । ଏହି ଆଲୋଚନାରେ ଉପ-ମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡା ଓଡ଼ିଶା ପର୍ଯ୍ୟଟନ ଭିତ୍ତିଭୂମିର ବିକାଶ ଉପରେ ବିଶେଷ ଆଲୋକପାତ କରିବା ସହ ରାଜ୍ୟର ମହିଳାମାନଙ୍କ ପାଇଁ ଦକ୍ଷତା ବିକାଶ କେନ୍ଦ୍ରିକ ତାଲିମ କାର୍ଯ୍ୟକ୍ରମ ଉପରେ ଗୁରୁତ୍ୱ ଦେଇଥିଲେ । ଶିଶୁ ଶ୍ରମିକ ଏବଂ ମହିଳା ଓ ଶିଶୁ ଚୋରା ଚାଲାଣ ରୋକିବା ପାଇଁ ସହଭାଗିତାରେ କାର୍ଯ୍ୟ କରିବା ନିମନ୍ତେ ଏହି ଆଲୋଚନାରେ ଗୁରୁତ୍ୱ ଦିଆଯାଇଥିଲା ।

ତନୁଜା ମହାନ୍ତି
ଲୋକସଂପର୍କ ଅଧିକାରୀ